ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟ, ଓଡ଼ିଶା

## ଗାନ୍ଧୀ ଓ ଶାସ୍ତ୍ରୀ ଜୟନ୍ତୀ ଅବସରରେ ଜାତିର ଜନକ ଓ ଲାଲ ବାହାଦୁର ଶାସ୍ତ୍ରୀଙ୍କୁ ଶ୍ରଦ୍ଧାଞ୍ଜଳି ଅର୍ପଣ କଲେ ରାଜ୍ୟପାଳ, ମୁଖ୍ୟମନ୍ତ୍ରୀ ଓ ବାଚସ୍ପତି

### ଗାନ୍ଧୀଜୀଙ୍କ ଆଦର୍ଶରେ ଆମେ ସ୍ୱଦେଶୀ, ସ୍ୱଚ୍ଛତା ପଥରେ ଅଗ୍ରସର ହେଉଛୁ, ଶେଷ ଧାଡ଼ିର ଲୋକଙ୍କୁ ସେବା ଯୋଗାଇ ଦେଉଛୁ - ମୁଖ୍ୟମନ୍ତ୍ରୀ

ଭୁବନେଶ୍ୱର
୨ ଅକ୍ଟୋବର ୨୦୨୬

ପବିତ୍ର ଗାନ୍ଧୀ ଓ ଶାସ୍ତ୍ରୀ ଜୟନ୍ତୀ ଅବସରରେ ରାଜ୍ୟପାଳ ଡକ୍ଟର ହରିବାବୁ କମ୍ଭମପାଟି, ମୁଖ୍ୟମନ୍ତ୍ରୀ ଶ୍ରୀ ମୋହନ ଚରଣ ମାଝୀ, ବାଚସ୍ପତି ଶ୍ରୀମତୀ ସୁରମା ପାଢୀ ଓ ଅନ୍ୟ ବିଶିଷ୍ଟ ବ୍ୟକ୍ତି ମାନେ ଆଜି ଜାତିର ଜନକ ମହାତ୍ମା ଗାନ୍ଧୀ ଏବଂ ଦେଶର ଦ୍ୱିତୀୟ ପ୍ରଧାନମନ୍ତ୍ରୀ ଲାଲ ବାହାଦୁର ଶାସ୍ତ୍ରୀଙ୍କୁ ଓଡ଼ିଶା ବିଧାନସଭା ପରିସରରେ ଆୟୋଜିତ କାର୍ଯ୍ୟକ୍ରମରେ ନିଜର ଭକ୍ତିପୂତ ଶ୍ରଦ୍ଧାଞ୍ଜଳି ଅର୍ପଣ କରିଛନ୍ତି ।

ଏହି ଅବସରରେ ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ଏହି ମହାନ ଯୁଗପୁରୁଷ ଦ୍ୱୟଙ୍କ ଅତୁଳନୀୟ ତ୍ୟାଗ, ନୈତିକତା ଏବଂ ଦେଶସେବା ପ୍ରତ୍ୟେକ ଭାରତୀୟଙ୍କ ପାଇଁ ଚିର ପ୍ରେରଣାର ଉତ୍ସ ।

ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ, ମହାତ୍ମା ଗାନ୍ଧୀ କେବଳ ଭାରତକୁ ସ୍ୱାଧୀନତା ଦେଇ ନଥିଲେ, ବରଂ ସାରା ବିଶ୍ୱକୁ ନୈତିକତା, ସତ୍ୟାଗ୍ରହ ଓ ଅସହଯୋଗ ପରି ଏକ ନୂତନ ଦିଗ୍‌ଦର୍ଶନ ଦେଇଥିଲେ ।

ସେ କହିଥିଲେ ଯେ ଗାନ୍ଧୀଜୀଙ୍କ ମୁଖ୍ୟ ସ୍ୱପ୍ନ ଥିଲା ସମାଜର ଶେଷ ଧାଡ଼ିରେ ଥିବା ବ୍ୟକ୍ତିଙ୍କ ସେବା କରିବା, ସ୍ୱଚ୍ଛତା ବଜାୟ ରଖିବା ଏବଂ ସ୍ୱଦେଶୀକୁ ଆପଣାଇବା ।

ଆଜି ଯଶସ୍ୱୀ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଜୀଙ୍କ ନେତୃତ୍ୱରେ ଗାନ୍ଧୀଜୀଙ୍କ ଏହି ସ୍ୱପ୍ନ ସାକାର ହେବାକୁ ଯାଉଛି ।

ସ୍ୱଚ୍ଛତା ଆଜି ଦେଶରେ ଏକ ଜନ ଆନ୍ଦୋଳନରେ ପରିଣତ ହୋଇଥିବା ବେଳେ ସ୍ୱଦେଶୀ ମନ୍ତ୍ର 'ଆତ୍ମନିର୍ଭର ଭାରତ' ଗଠନରେ ବଳିଷ୍ଠ ସହାୟକ ହେଉଛି । ସମାଜର ଅନ୍ତିମ ବ୍ୟକ୍ତି ପାଖରେ ବିକାଶ ପହଞ୍ଚାଇବା ପାଇଁ ଆରମ୍ଭ କରାଯାଇଥିବା 'ଅନ୍ତ୍ୟୋଦୟ ଯୋଜନା' ମାଧ୍ୟମରେ ଗରିବ ଜନସାଧାରଣଙ୍କୁ ସଶକ୍ତ କରାଯାଉଛି ।

ସେହିପରି ଶାନ୍ତିଦୂତ ଲାଲ୍ ବାହାଦୁର ଶାସ୍ତ୍ରୀଙ୍କ ସରଳ ଜୀବନ, ଉଚ୍ଚ ଚିନ୍ତାଧାରା ଏବଂ ସଚ୍ଚୋଟତା ସମଗ୍ର ସମାଜ ପାଇଁ ଏକ ଶ୍ରେଷ୍ଠ ନିଦର୍ଶନ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି ।

ଶାସ୍ତ୍ରୀଜୀଙ୍କ ନିଃସ୍ୱାର୍ଥପର ଦେଶସେବା ଏବଂ ତାଙ୍କର 'ଜୟ ଜବାନ, ଜୟ କିଷାନ'ର ଓଜସ୍ୱୀ ଆହ୍ୱାନ ପ୍ରତ୍ୟେକ ଭାରତୀୟଙ୍କ ମଧ୍ୟରେ ନୂତନ ଉତ୍ସାହ ଓ ଶକ୍ତି ସଞ୍ଚାର କରିଥିଲା ବୋଲି ସେ କହିଥିଲେ ।

ଗାନ୍ଧୀଜୀଙ୍କ ସତ୍ୟ ଓ ଅହିଂସା ଏବଂ ଶାସ୍ତ୍ରୀଜୀଙ୍କ କର୍ମନିଷ୍ଠା ଓ ଦେଶସେବାକୁ ଆଦର୍ଶ ରୂପେ ଗ୍ରହଣ କରି ଏକ ସମୃଦ୍ଧ ଓଡ଼ିଶା ତଥା ବିକଶିତ ଭାରତ ଗଠନ କରିବା ପାଇଁ ଆମର ନିରନ୍ତର ଉଦ୍ୟମ ଜାରି ରହିବ ବୋଲି ମୁଖ୍ୟମନ୍ତ୍ରୀ ଦୃଢ଼ୋକ୍ତି ପ୍ରକାଶ କରିଛନ୍ତି ।

ଏହି ଅବସରରେ ସୂଚନା ଓ ଲୋକସମ୍ପର୍କ ବିଭାଗ ତରଫରୁ ସର୍ବଧର୍ମ ପ୍ରାର୍ଥନା ସଭା ଏବଂ ଗାନ୍ଧିଜୀଙ୍କ ପ୍ରିୟ ଭଜନ ରାମଧୂନ ପରିବେଷଣ କରାଯାଇଥିଲା ।

ବିଧାନସଭା ପରିସରରେ ଆୟୋଜିତ ପ୍ରାର୍ଥନା ସଭାରେ ରାଜ୍ୟପାଳ, ମୁଖ୍ୟମନ୍ତ୍ରୀ ଓ ବାଚସ୍ପତିଙ୍କ ସହିତ ଉପମୁଖ୍ୟମନ୍ତ୍ରୀ ଶ୍ରୀ କନକ ବର୍ଦ୍ଧନ ସିଂହଦେଓ, ଉପମୁଖ୍ୟମନ୍ତ୍ରୀ ଶ୍ରୀମତୀ ପ୍ରଭାତୀ ପରିଡା, ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ମନ୍ତ୍ରୀ ଶ୍ରୀ ସୁରେଶ ପୂଜାରୀ, ପୂର୍ତ୍ତ, ଆଇନ୍ ଓ ଅବକାରୀ ମନ୍ତ୍ରୀ ଶ୍ରୀ ପୃଥ୍ୱୀରାଜ ହରିଚନ୍ଦନ, ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ବିଭାଗ ମନ୍ତ୍ରୀ ଡ ମୁକେଶ ମହାଲିଙ୍ଗ, ଶାସକ ଦଳର ମୁଖ୍ୟ ସଚେତକ ଶ୍ରୀ ସରୋଜ କୁମାର ପ୍ରଧାନ, ବିଧାୟକ ଏବଂ ଅନ୍ୟ ବରିଷ୍ଠ ନେତୃବୃନ୍ଦ ଉପସ୍ଥିତ ଥିଲେ ।